# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 1983 CUTTACK, SATURDAY, NOVEMBER 5, 2016/KARTIKA 14, 1938**

## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

### ଘୋଷଣା

ତାରିଖ 3 ଅକ୍ଟୋବର 2016

ସଂଖ୍ୟା 30762—RDM-LAC-SBP-0010/2015-R&DM.—ସର୍ବସାଧାରଣଙ୍କ ଅବଗତି ନିମନ୍ତେ, ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, ୨୦୧୩ର ଧାରା ୧୯ର ଅଧିନିୟମ (୧) ଅନୁଯାୟୀ ଏହି ଘୋଷଣାନାମା ଦିଆଯାଉଅଛି ଯେ ଉକ୍ତ ଆଇନର ଧାରା ୧୫(୨) ଅନୁସାରେ ଜିଲ୍ଲାପାଳ, ସୋନପୁରଙ୍କ ପ୍ରଦତ୍ତ ରିପୋର୍ଟକୁ ବିବେଚନା କରି ମୌଜା ବରେଇପାଲି, ଥାନା ଡୁଙ୍ଗୁରିପାଲି, ତହସିଲ ରାମପୁର, ଜିଲ୍ଲା ସୋନପୁରରେ ନିମ୍ନସୂଚିତ 'କ' ତଫସିଲ ଜମି ଏହି ଆଇନର ଧାରା ୨ (୧) ପ୍ରକାରେ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ସମ୍ବଲପୁର-ଟିଟିଲାଗଡ ରେଳପଥ ଦୋହରିକରଣ ନିମନ୍ତେ ଭୂମି ଅଧିଗ୍ରହଣ ଆବଶ୍ୟକ ହେଉଅଛି ।

ଏହି ଭୂମି ଅଧିଗ୍ରହଣ ସମ୍ବନ୍ଧୀୟ ପ୍ରାରମ୍ଭିକ ବିଜ୍ଞପ୍ତି ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, ୨୦୧୩ର ଧାରା ୧୧(୧) ଅନୁଯାୟୀ ବିଜ୍ଞପ୍ତି ସଂଖ୍ୟା ୧୯୯୦୧, ତା. ୮ ଜୁଲାଇ ୨୦୧୫ରିଖରେ ପ୍ରକାଶିତ ହୋଇଅଛି ;

ପୁନଶ୍ଚ ଏହା ଘୋଷଣା କରାଯାଉଅଛି ଯେ, ମୌଜା ବରେଇପାଲି, ଥାନା ଡୁଙ୍ଗୁରିପାଲି, ତହସିଲ ରାମପୁର, ଜିଲ୍ଲା ସୋନପୁରରେ କୌଣସି ପରିବାର ବିସ୍ଥାପିତ ହେଉ ନ ଥିବାରୁ ପୁନର୍ବାସ ଓ ଥଇଥାନ ନିମିତ୍ତ କୌଣସି ଜମି ଚିହ୍ନଟ କରାଯାଇନାହିଁ ।

ଅନୁମୋଦିତ ପୁନର୍ବାସ ଓ ଥଇଥାନ ଯୋଜନା, ଜିଲ୍ଲାପାଳ ସୋନପୁର ଏବଂ ପୁନର୍ବାସ ଓ ଥଇଥାନ ପ୍ରଶାସନ କାର୍ଯ୍ୟାଳୟରେ ଉପଲବ୍ଧ ଅଟେ । ଏହା ମଧ୍ୟ ଜିଲ୍ଲା ୱେବ୍‌ସାଇଟ www.sambalpur.nic.in ରେ ଏବଂ ରାଜ୍ୟ ସରକାରଙ୍କ ୱେବ୍‌ସାଇଟ www.odisha.gov.in/revenueରେ ସର୍ବସାଧାରଣଙ୍କ ଅବଲୋକନ ପାଇଁ ଅପ୍‌ଲୋଡ କରାଗଲା । ପୁନର୍ବାସ ଓ ଥଇଥାନ ଯୋଜନାର ଭୂମି ନକ୍ସା, ସ୍ୱତନ୍ତ୍ର ଭୂ-ଅର୍ଜନ ଅଧିକାରୀଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

**ତଫସିଲ-'କ'**

(ପ୍ରସ୍ତାବିତ ଭୂମି ଅଧିଗ୍ରହଣ ଅନୁସୂଚୀ)

ଜିଲ୍ଲା : ସମ୍ବଲପୁର ତହସିଲ : ସମ୍ବଲପୁର

| ଗ୍ରାମର ନାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | କିସମ | ପ୍ଲଟ୍‌ର ମୋଟ ରକବା | ଅଧିଗ୍ରହଣ ହେବାକୁଥିବା ଜମିର ରକବା | ରୟତଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ବରେଇପାଲି | ସହରାଞ୍ଚଳ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ୦.୦୪୦ ଏକର | ଏଥିସହିତ ସଂଲଗ୍ନ |

**ତଫସିଲ–'ଖ'**

(ପୁନର୍ବାସ ନିମିତ୍ତ ଚିହ୍ନଟ ଭୂମି ଅନୁସୂଚୀ)

ଜିଲ୍ଲା : ସମ୍ବଲପୁର　　　　　　　　ତହସିଲ : ସମ୍ବଲପୁର

| ଗ୍ରାମର ନାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | କିସମ | ପ୍ଲଟ୍‌ର ମୋଟ ରକବା | ପୁନର୍ବାସ ନିମିତ୍ତ ଚିହ୍ନଟ ଜମିର ରକବା | ରୟତଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ପ୍ରଯୁଜ୍ୟ ନୁହେଁ | | | | | | | |

**ଭୂମି ଅନୁସୂଚୀ**

| କ୍ରମିକ ନମ୍ବର | ଖାତା ନମ୍ବର | ପ୍ଲଟ ନମ୍ବର | ମୋଟ ରକବା | ଅଧିକୃତ ରକବା | କିସମ | ରୟତଙ୍କ ନାମ |
|---|---|---|---|---|---|---|
| (୧) | (୨) | (୩) | (୪) | (୫) | (୬) | (୭) |
| | | | ଏକର | ଏକର | | |
| ୧ | ୬୫୫/୧ | ୨୮୬ | ୦.୦୮୦ | ୦.୦୪୦ | ଘରବାରି ୧ | ହେମଙ୍ଗ କୁମାର ପଟେଲ, ପି. ସ୍ୱର୍ଗୀୟ ରାଘବଜି ହରିଭାଇ ପଟେଲ, ତାର ମାତା ଓ ରକ୍ଷକ ଭନିତା ବେନ୍ ପଟେଲ, ସ୍ୱା. ରାଘବଜି ପଟେଲ, ଜା. ପଟେଲ, ବା. ନୟାପଡା, ଗୋଲବଜାର ୟୁନିଟ ନମ୍ବର ୬ । |

**ମୋଟ　. . ୦.୦୪୦**

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ସଂଗ୍ରାମ କେଶରୀ ମହାପାତ୍ର**

ଯୁଗ୍ମ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 1403—173+20